ନିତିଦିନ
Nitidina

# ଗାୟତ୍ରୀବାଳାଙ୍କୁ ସମ୍ବର୍ଦ୍ଧିତ କଲେ ମୁଖ୍ୟମନ୍ତ୍ରୀ



**ଭୁବନେଶ୍ୱର,୨୪।୧୨/ଏନ୍ଏନ୍ଏସ୍:** ଶନିବାର ନବୀନ ନିବାସଠାରେ କେନ୍ଦ୍ର ସାହିତ୍ୟ ଏକାଡେମୀ ପୁରସ୍କାର ବିଜେତା ତଥା ବିଶିଷ୍ଟ କବି ଡ. ଗାୟତ୍ରୀବାଳା ପଣ୍ଡାଙ୍କୁ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ଅଭିନନ୍ଦନ ଜଣାଇବା ସହ ସମ୍ମାନିତ କରିଛନ୍ତି। ମୁଖ୍ୟମନ୍ତ୍ରୀ ନିଜେ ଜଣେ ଜଣାଶୁଣା ଲେଖକ ହୋଇଥିବାବେଳେ ଓଡ଼ିଶା ପାଇଁ ଗାୟତ୍ରୀଙ୍କ ସମ୍ମାନ ଗର୍ବ ଓ ଗୌରବ ଆଣିଛି। ଏହା ତାଙ୍କ କ୍ୟାରିୟରରେ ଏକ ମାଇଲଖୁଣ୍ଟ ବୋଲି କହିଛନ୍ତି ମୁଖ୍ୟମନ୍ତ୍ରୀ। ଏହି ଅବସରରେ ଗାୟତ୍ରୀବାଳାଙ୍କ ସ୍ୱାମୀ ତଥା ବିଜେଡି ସାଂସଦ ମାନସ ମଙ୍ଗରାଜ ଓ ତାଙ୍କ ପୁଅ ମନୀତ ମଙ୍ଗରାଜ ଉପସ୍ଥିତ ଥିଲେ। ଗୁରୁବାର କେନ୍ଦ୍ର ସାହିତ୍ୟ ଏକାଡେମୀ ପକ୍ଷରୁ ଗାୟତ୍ରୀବାଳାଙ୍କୁ କେନ୍ଦ୍ର ସାହିତ୍ୟ ଏକାଡେମୀ ପୁରସ୍କାର ପ୍ରଦାନ ନେଇ ଘୋଷଣା କରାଯାଇଛି। କବିତା ସଂକଳନ 'ଦୟାନଦୀ' ପାଇଁ ସେ ଏହି ପୁରସ୍କାର ପାଇବେ।